ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1431/11-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୧ ମାର୍ଚ୍ଚ,୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ପବିତ୍ର ମହାଶିବରାତ୍ରି ଉପଲକ୍ଷେ ସମସ୍ତଙ୍କୁ ହାର୍ଦ୍ଦିକ ଶୁଭେଚ୍ଛା ଓ ଶୁଭକାମନା ଜଣାଇଛନ୍ତି । ପ୍ରଭୁ ମହାଦେବଙ୍କ କୃପା ଓ ଆଶୀର୍ବାଦରୁ ବର୍ତ୍ତମାନର କଠିନ ସ୍ଥିତି ଶୀଘ୍ର ଦୂର ହେବା ସହ ସମସ୍ତଙ୍କ ଜୀବନ ସୁଖ, ସମୃଦ୍ଧିରେ ଭରିଯାଉ ବୋଲି ସେ କାମନା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ମାତ୍ର ୪୫ ଦିନ ମଧ୍ୟରେ ସ୍ୱାସ୍ଥ୍ୟକର୍ମୀ, ଆଗଧାଡ଼ିର କର୍ମଚାରୀ ଏବଂ ବୟସ୍କ ନାଗରିକଙ୍କୁ ସଫଳତାର ସହ ୧୦ ଲକ୍ଷରୁ ଅଧିକ ଟୀକା ପ୍ରଦାନ କରିଥିବାରୁ ଆଗଧାଡ଼ିର କୋଭିଡ୍ ଯୋଦ୍ଧାଙ୍କ କର୍ତ୍ତବ୍ୟପରାୟଣତା ଓ ନିଷ୍ଠାକୁ ପ୍ରଶଂସା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଆ ଭାଷାର ଶାସ୍ତ୍ରୀୟ ମାନ୍ୟତା ଦିବସ ଅବସରରେ କହିଛନ୍ତି ଯେ ଓଡ଼ିଆ ଭାଷା ଆମ ଗୌରବମୟ ସଂସ୍କୃତି ଓ ଅସ୍ମିତାର ପରିଚୟ । ଆମ ଭାଷା ଷଷ୍ଠ ଭାରତୀୟ ଭାଷା ଭାବେ ଶାସ୍ତ୍ରୀୟ ମାନ୍ୟତା ଲାଭ କରିଛି ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଏହାର ସୁରକ୍ଷା ଓ ପ୍ରସାର ପାଇଁ ସଂକଳ୍ପବଦ୍ଧ ହେବାକୁ ଆହ୍ୱାନ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଆ ଭାଷାର ବିକାଶ ସହ ଗୌରବ ବୃଦ୍ଧି ପାଇଁ ରାଜ୍ୟ ସରକାର ସଂକଳ୍ପବଦ୍ଧ । ଶାସ୍ତ୍ରୀୟ ମାନ୍ୟତାପ୍ରାପ୍ତ ଆମ ଭାଷାର ସୁରକ୍ଷା ଓ ଏହାର ପ୍ରସାର ପାଇଁ ସରକାରଙ୍କ ପକ୍ଷରୁ ଓଡ଼ିଆ ଭାଷାର ବହୁଳ ବ୍ୟବହାରଠାରୁ ଆରମ୍ଭ କରି ଓଡ଼ିଆ ବିଶ୍ୱବିଦ୍ୟାଳୟ ଏବଂ ଶାସ୍ତ୍ରୀୟ ଓଡ଼ିଆ ଉତ୍କର୍ଷ ଅଧ୍ୟୟନ କେନ୍ଦ୍ର ସ୍ଥାପନ ଭଳି ବଳିଷ୍ଠ ପଦକ୍ଷେପ ନିଆଯାଇଛି ବୋଲି ସେ ପ୍ରକାଶ କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ପଶ୍ଚିମ ବଙ୍ଗର ମାନ୍ୟବର ମୁଖ୍ୟମନ୍ତ୍ରୀ ସୁଶ୍ରୀ ମମତା ବାନାର୍ଜୀଙ୍କ ଡାକ୍ତରଖାନାରେ ଚିକିତ୍ସିତ ହେଉଥିବା ଜାଣି ଚିନ୍ତା ପ୍ରକଟ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଆଶୁ ଆରୋଗ୍ୟ କାମନା କରିବା ସହ ଉତ୍ତମ ସ୍ୱାସ୍ଥ୍ୟ ପାଇଁ ପ୍ରାର୍ଥନା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଉତ୍ତରାଖଣ୍ଡର ମୁଖ୍ୟମନ୍ତ୍ରୀ ପଦ ଅଳଙ୍କୃତ କରିଥିବାରୁ ତୀରତ୍ ସିଂହ ରାୱତଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ତାଙ୍କ ସରକାର ଓ ନେତୃତ୍ୱ ଲୋକଙ୍କ ଆଶାଆକାଂକ୍ଷା ଅନୁଯାୟୀ ରାଜ୍ୟକୁ ଉନ୍ନତିର ନୂତନ ଶିଖରକୁ ନେବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଜାତୀୟ ପ୍ରତିରକ୍ଷା ପ୍ରତିଷ୍ଠାନ(ଏନ୍‌ଡିଏ) ପରୀକ୍ଷାରେ ଶୀର୍ଷସ୍ଥାନ ଅଧିକାର କରିଥିବାରୁ ଓଡ଼ିଶାର ରୋନିତ ରଞ୍ଜନ ନାୟକଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୫,୫୮,୧୧୨ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୯୯୨ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୫, ୩୨୨ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୦୦ ରହିଛି ।
- ୭୦୦ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**